# ଅତିବଡ଼ୀ ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ର

# 'ଭାଗବତ ହେଉଛି ଓଡ଼ିଆ ଅସ୍ମିତାର ଅନନ୍ୟ ପରିଚୟ'



ଭୁବନେଶ୍ୱର, ୬।୭ (ନି.ପ୍ର): ଅତିବଡ଼ୀ ଜଗନ୍ନାଥ ଦାସଙ୍କ ଓଡ଼ିଆ ଭାଗବତ ହେଉଛି ଓଡ଼ିଆ ଅସ୍ମିତାର ଅନନ୍ୟ ପରିଚୟ। ସଂସ୍କୃତ ଭାଷାର ଅନୁସୃଜନ ହୋଇଥିଲେ ସୁଦ୍ଧା ଏହା ମୂଳ ଭାଗବତଠାରୁ ଅଧିକ ଲୋକପ୍ରିୟ। ଭାଗବତ ଓଡ଼ିଆ ଜାତିର ଜୀବନ ବେଦ କହିଲେ ଅତ୍ୟୁକ୍ତି ହେବ ନାହିଁ ବୋଲି ଅତିଥିମାନେ ମତପ୍ରକାଶ କରିଛନ୍ତି।

ସଂସ୍କୃତି ଭବନରେ କେନ୍ଦ୍ର ସାହିତ୍ୟ ଅକାଦେମି ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀର ମିଳିତ ସହଯୋଗରେ ଅତିବଡ଼ୀ ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମକୁ ପଦ୍ମଶ୍ରୀ ଡ. ଅନ୍ତର୍ଯ୍ୟାମୀ ମିଶ୍ର ଉଦ୍‌ଘାଟନ କରି ଜଗନ୍ନାଥ ଦାସଙ୍କ ଓଡ଼ିଆ ଭାଗବତ ଏବଂ ଓଡ଼ିଆ ସଂସ୍କୃତିର ମହତ୍ତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ସ୍ୱାଗତ ଭାଷଣ ଦେଇ ସାହିତ୍ୟ ଅକାଦେମିର ସଚିବ ଡ. କେ. ଶ୍ରୀନିବାସରାଓ ଅତିବଡ଼ୀ ଜଗନ୍ନାଥ ଦାସଙ୍କ ବହୁବିଧ କୃତି ଏବଂ ବୈଶିଷ୍ଟ୍ୟ ସମ୍ପର୍କରେ ଆଲୋଚନା କରିଥିଲେ। ସଭାପତିତ୍ୱ କରି କେନ୍ଦ୍ର ସାହିତ୍ୟ ଅକାଦେମିର ଓଡ଼ିଆ ଉପଦେଷ୍ଟା ପରିଷଦର ଆବାହକ ଡ. ଗୌରହରି ଦାସ କହିଲେ, ଓଡ଼ିଆ ଜନଜୀବନ ଏବଂ ଭାଗବତ ଓତଃପ୍ରୋତଃ ଭାବେ ଜଡ଼ିତ। ସମାଲୋଚକ ଡ.ପ୍ରଦୀପ୍ତ କୁମାର ପଣ୍ଡା ପଞ୍ଚସଖା ଯୁଗର ସାହିତ୍ୟର ବୈଶିଷ୍ଟ୍ୟ, ଓଡ଼ିଆ ଭାଗବତର ପ୍ରଭାବ ବର୍ଣ୍ଣନା କରିଥିଲେ। ଓଡ଼ିଶା ସାହିତ୍ୟ ଏକାଡେମୀର ସହ ସଚିବ ସଞ୍ଜୟ କୁମାର ଛୁଆଲସିଂହ ଧନ୍ୟବାଦ ଅର୍ପଣ କରିଥିଲେ। ସଂଯୋଜନା କରିଥିଲେ ସାହିତ୍ୟ ଅକାଦେମି କଲିକାତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ।

ଆଲୋଚନା ଚକ୍ରର ପ୍ରଥମ ଅଧିବେଶନରେ ସଭାପତିତ୍ୱ କରିଥିଲେ ଉତ୍ତର ଓଡ଼ିଶା ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ଡ. ପ୍ରଫୁଲ୍ଲ କୁମାର ମିଶ୍ର। ଏହି ଅଧିବେଶନରେ ସାହିତ୍ୟିକ ଦାଶ ବେନହୁର ଭାଗବତ ଓ ଓଡ଼ିଆ ଜୀବନ ସମ୍ପର୍କରେ ଆଲୋଚନା କରିଥିବା ବେଳେ ଡ. ଜୟନ୍ତୀ ରଥ ଓଡ଼ିଆ ସାହିତ୍ୟରେ ଭାଗବତର ପ୍ରଭାବ ବିଷୟରେ ଆଲୋକପାତ କରିଥିଲେ। ଡ. ଶାନ୍ତନୁ କୁମାର ରଥ ଉତ୍କଳୀୟ ଜନତାଙ୍କ ଜୀବନ ବେଦ-ଓଡ଼ିଆ ଭାଗବତ ଶୀର୍ଷକରେ ପ୍ରବନ୍ଧ ଉପସ୍ଥାପନ କରିଥିଲେ। ସେହିପରି ଦ୍ୱିତୀୟ ଅଧିବେଶନରେ ଅଧ୍ୟକ୍ଷତା କରିଥିଲେ ପ୍ରଫେସର ଯତୀନ୍ଦ୍ର କୁମାର ନାୟକ। ଆଲୋଚକ ଡ. କଳ୍ପତରୁ ନାୟକ ଜଗନ୍ନାଥ ଦାସଙ୍କ ଓଡ଼ିଆ ଭାଗବତରେ ଭାଷା ତତ୍ତ୍ୱ ବିଷୟରେ ପ୍ରବନ୍ଧ ଉପସ୍ଥାପନ କରିଥିଲେ। ଗବେଷକ ପୀତବାସ ରାଉତରାୟ, ଡ. ସଂଗ୍ରାମ ଜେନା ଯୋଗ ଦେଇଥିଲେ।